# ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ ପକ୍ଷରୁ ପାଠ୍ୟକ୍ରମ ପ୍ରସ୍ତୁତି କର୍ମଶାଳା

ଭୁବନେଶ୍ୱର, ୮।୨(ବ୍ୟୁରୋ): ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ ପକ୍ଷରୁ ଓଡ଼ିଆ ସ୍ନାତକୋତ୍ତର ପାଠ୍ୟକ୍ରମ ପ୍ରସ୍ତୁତି କର୍ମଶାଳା ଦୁଇ ଦିନ ଧରି ଆୟୋଜିତ ହୋଇଯାଇଛି । ସ୍ଥାନୀୟ ବିଜେବି ସ୍ୱୟଂଶାସିତ ମହାବିଦ୍ୟାଳୟରେ ଆୟୋଜିତ ଏହି କର୍ମଶାଳାକୁ ବିଶ୍ୱବିଦ୍ୟାଳୟ କୁଳପତି ଡ. ଶ୍ରୀକାନ୍ତ ମହାପାତ୍ର ଉଦ୍‌ଘାଟନ କରିଥିଲେ ।



## ଓଡ଼ିଆରେ ସ୍ନାତକୋତ୍ତର ପାଠ୍ୟକ୍ରମ

ଏଥିରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପଦ୍ମଶ୍ରୀ ଦେବୀ ପ୍ରସନ୍ନ ପଟ୍ଟନାୟକ କହିଥିଲେ, ଓଡ଼ିଆକୁ କିପରି ବିଜ୍ଞାନ ଓ ବିକାଶର ଭାଷା କରି ହେବ ତାହାକୁ ଆଖି ଆଗରେ ରଖି ପାଠ୍ୟକ୍ରମ ପ୍ରସ୍ତୁତ କରିବା ଉଚିତ୍ । ବିଶିଷ୍ଟ ଭାଷାବିତ୍ ପ୍ରଫେସର ଖଗେଶ୍ୱର ମହାପାତ୍ର ଦୂରଦର୍ଶୀ ପାଠ୍ୟକ୍ରମ ପ୍ରସ୍ତୁତ କରିବାକୁ ପରାମର୍ଶ ଦେଇଥିଲେ । ବିଶ୍ୱବିଦ୍ୟାଳୟର କୁଳପତି ଡ. ମହାପାତ୍ର କହିଥିଲେ, ଓଡ଼ିଆ ଭାଷା ଓ ସାହିତ୍ୟକୁ ପ୍ରାଧାନ୍ୟ ଦେବାକୁ ଯାଇ ବିଶ୍ୱବିଦ୍ୟାଳୟ ଓଡ଼ିଆରେ ସ୍ନାତକୋତ୍ତର ପାଠ୍ୟକ୍ରମ ପ୍ରଣୟନ କରିବାକୁ ନିଷ୍ପତ୍ତି ନେଇଛି । ଏହାଛଡ଼ା ଏହି ପାଠ୍ୟକ୍ରମରେ କିପରି ନୂତନ ବୈଷୟିକ କୌଶଳ ସଂପର୍କରେ ଶିକ୍ଷା ଦେଇ ହେବ, ସେଥିପ୍ରତି ଦୃଷ୍ଟି ଦେବାକୁ ସେ ପରାମର୍ଶ ଦେଇଥିଲେ । କୁଳସଚିବ ଡ. ଜୟନ୍ତ କରଶର୍ମା ସ୍ୱାଗତ ଭାଷଣ ଦେଇଥିଲେ । ଓଡ଼ିଆ ବିଭାଗ ଅଧ୍ୟାପକ ଡ. ଦିଲ୍ଲୀପ କୁମାର ନାୟକ ଧନ୍ୟବାଦ ଦେଇଥିଲେ । ଡ. କ୍ଷୀରୋଦ ଚନ୍ଦ୍ର ବେହେରାଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି କର୍ମଶାଳାରେ ବିଭିନ୍ନ ଅଧିବେଶନରେ ଡ. ବସନ୍ତ କୁମାର ପଣ୍ଡା, ଡ. ବିଜୟ କୁମାର ମହାନ୍ତି ଓ ଅଧ୍ୟାପକ ଦେବେନ୍ଦ୍ର କୁମାର ଦାଶ ଅଧ୍ୟକ୍ଷତା କରିଥିଲେ । ରାଜ୍ୟର ବିଭିନ୍ନ ବିଶ୍ୱବିଦ୍ୟାଳୟ ଏବଂ ମହାବିଦ୍ୟାଳୟରୁ ବରିଷ୍ଠ ଅଧ୍ୟାପକ, ଅଧ୍ୟାପିକା ଏଥିରେ ଯୋଗ ଦେଇଥିଲେ ।